# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**25 August – 2025**

## ବିମାନ ଚଳାଚଳ ସମ୍ମିଳନୀ

ଭୁବନେଶ୍ୱରରେ ଆଜି ପୂର୍ବାଞ୍ଚଳ ବେସାମରିକ ବିମାନ ଚଳାଚଳ ମନ୍ତ୍ରୀ ସମ୍ମିଳନୀ ଅନୁଷ୍ଠିତ ହେବ। କେନ୍ଦ୍ର ବେସାମରିକ ବିମାନ ଚଳାଚଳ ମନ୍ତ୍ରଣାଳୟ ଆନୁକୂଲ୍ୟରେ ଆୟୋଜିତ ଏହି ସମ୍ମିଳନୀରେ କେନ୍ଦ୍ରମନ୍ତ୍ରୀ ରାମମୋହନ ନାଇଡୁ କିଞ୍ଜାରାପୁ, ରାଷ୍ଟ୍ରମନ୍ତ୍ରୀ ମୁରଲୀଧର ମୋହଲ ଏବଂ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଯୋଗଦେବେ। ସମ୍ମିଳନୀରେ ଓଡ଼ିଶା ସମେତ ଛତିଶଗଡ଼, ବିହାର, ଝାଡ଼ଖଣ୍ଡ, ପଶ୍ଚିମବଙ୍ଗ ଏବଂ ଆଣ୍ଡାମାନ-ନିକୋବର ଦ୍ୱୀପପୁଞ୍ଜ କେନ୍ଦ୍ରଶାସିତ ଅଞ୍ଚଳର ବେସାମରିକ ବିମାନ ଚଳାଚଳ କ୍ଷେତ୍ରର ବିଭାଗୀୟ ବରିଷ୍ଠ ଅଧିକାରୀ ଏବଂ ଅଂଶୀଦାର ଯୋଗଦେବେ । ପୂର୍ବ ଭାରତରେ ବେସାମରିକ ବିମାନ ଚଳାଚଳ କ୍ଷେତ୍ରରେ ଥିବା ସୁଯୋଗ ଏବଂ ଆହ୍ୱାନ ଗୁଡ଼ିକର ମୁକାବିଲା ଉପରେ ସମ୍ମିଳନୀରେ ଆଲୋଚନା ହେବ ।

## ମୁଖ୍ୟମନ୍ତ୍ରୀ ଜନଅଭିଯୋଗ ଶୁଣାଣି

ମୁଖ୍ୟମନ୍ତ୍ରୀଙ୍କ ଜନଅଭିଯୋଗ ଶୁଣାଣି ଆଜି ବନ୍ଦ ରହିବ। ମୁଖ୍ୟମନ୍ତ୍ରୀଙ୍କ ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟଥିବାରୁ ଭୁବନେଶ୍ୱର ୟୁନିଟ୍-୨ଠାରେ ଶୁଣାଣିକୁ ବନ୍ଦ ରଖାଯାଇଥିବା ନେଇ ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି। ପରବର୍ତ୍ତୀ ଅଭିଯୋଗ ଶୁଣାଣିର ତାରିଖ ଜନସାଧାରଣଙ୍କୁ ଗଣମାଧ୍ୟମ ଜରିଆରେ ଜଣାଇ ଦିଆଯିବ।

# ଆଇନ୍ ମନ୍ତ୍ରୀ

ରାଜ୍ୟର ପ୍ରମୁଖ ପର୍ଯ୍ୟଟନସ୍ଥଳୀଗୁଡ଼ିକୁ ସଂଯୋଗ କରୁଥିବା ରାସ୍ତାର ସମ୍ପ୍ରସାରଣ କରାଯିବ ବୋଲି ଆଇନ୍, ପୂର୍ତ୍ତ ଓ ଅବକାରୀ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ କହିଛନ୍ତି । ପୁରୀ-ଭୁବନେଶ୍ୱର ଜାତୀୟ ରାଜପଥକୁ ୮ଲେନ୍ ବିଶିଷ୍ଟ କରାଯିବାପାଇଁ କେନ୍ଦ୍ର ସରକାରଙ୍କୁ ପ୍ରସ୍ତାବ ଦିଆଯିବ ବୋଲି ସେ କହିଛନ୍ତି । ପୁରୀଠାରେ ଚାଲିଥିବା ଜାତୀୟ ଟୁର୍ ଅପରେଟର ସଂଘର ବାର୍ଷିକ ସମ୍ମିଳନୀର ଉଦ୍‌ଯାପନୀ ସମାରୋହରେ ଯୋଗଦେଇ ମନ୍ତ୍ରୀ ଶ୍ରୀ ହରିଚନ୍ଦନ ଏହା କହିଛନ୍ତି । ପୁରୀ-କୋଣାର୍କ, ପୁରୀ-ସାତପଡା ଓ ପିପିଲି-କୋଣାର୍କ ରାଜପଥକୁ ୪ ଲେନ୍ ବିଶିଷ୍ଟ କରିବା ପାଇଁ ନିଷ୍ପତ୍ତି ଗ୍ରହଣ କରାଯାଇଛି ବୋଲି ସେ କହିଛନ୍ତି ।

# ପରଲୋକ

ପୂର୍ବତନ ବିଧାୟକ କରେନ୍ଦ୍ର ମାଝିଙ୍କର ଗତ ସଂଧ୍ୟାରେ ପରଲୋକ ହୋଇଛି । ଅସୁସ୍ଥତା କାରଣରୁ ଚିକିତ୍ସାଧୀନ ଅବସ୍ଥାରେ ୫୧ ବର୍ଷ ବୟସରେ ତାଙ୍କର ମୃତ୍ୟୁ ହୋଇଛି । ୨୦୦୪ ଓ ୨୦୧୪ ମସିହାରେ କନ୍ଧମାଳ ଜିଲ୍ଲା ବାଲିଗୁଡ଼ା ବିଧାନସଭା ନିର୍ବାଚନ ମଣ୍ଡଳୀରୁ ବିଜେପି ସଦସ୍ୟ ଭାବେ ସେ ନିର୍ବାଚିତ ହୋଇଥିଲେ । ତାଙ୍କ ବିୟୋଗରେ ବିଭିନ୍ନ ମହଲରେ ଶୋକର ଛାୟା ଖେଳିଯାଇଛି ।

## ଚୁକ୍ତିପତ୍ର ସ୍ୱାକ୍ଷର

ରାଜ୍ୟର ଐତିହ୍ୟ ସ୍ଥଳୀଗୁଡ଼ିକର ସଂରକ୍ଷଣ, ଦଃସାହସିକ ପର୍ଯ୍ୟଟନ ଏବଂ ବୌଦ୍ଧ ଧର୍ମସ୍ଥଳୀ ଗୁଡ଼ିକର ବିକାଶ ପାଇଁ ରାଜ୍ୟ ସରକାର ୩ଟି ସଂସ୍ଥା ସହ ଚୁକ୍ତିପତ୍ର ସ୍ୱାକ୍ଷର କରିଛନ୍ତି । ରାଜ୍ୟରେ ପର୍ଯ୍ୟଟନ ଭିତ୍ତିଭୂମିର ବିକାଶ ଏବଂ ଏହାକୁ ସୁଦୃଢ଼ କରିବା ଲକ୍ଷ୍ୟନେଇ ଏହି ପଦକ୍ଷେପ ଗ୍ରହଣ କରାଯାଇଛି । ଉପମୁଖ୍ୟମନ୍ତ୍ରୀ ପ୍ରଭାତି ପରିଡ଼ା, ସଂସ୍କୃତିମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ, ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା ଏବଂ ପର୍ଯ୍ୟଟନ ସଚିବ ବଲୱନ୍ତ ସିଂହଙ୍କ ଉପସ୍ଥିତିରେ ଏହି ଚୁକ୍ତିପତ୍ର ସ୍ୱାକ୍ଷରିତ ହୋଇଥିବା ଜଣାପଡିଛି ।

## ପୀଠ ପରିଦର୍ଶନ

ଆଇନ୍‌ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ଗତକାଲି ଚିଲିକା ନିର୍ବାଚନମଣ୍ଡଳୀ ଅନ୍ତର୍ଗତ ବାଣପୁରର ଆରାଧ୍ୟା ଦେବତା ପ୍ରଭୁ ଶ୍ରୀ ରଙ୍ଗନାଥଦେବଙ୍କ ପୀଠ ପରିଦର୍ଶନ କରିଛନ୍ତି । ସେଠାରେ ଚାଲିଥିବା ଉନ୍ନୟନମୂଳକ ପ୍ରକଳ୍ପ ଗୁଡ଼ିକର ସ୍ଥିତି ନେଇ ସମୀକ୍ଷା କରିଛନ୍ତି । ନିର୍ଦ୍ଧାରିତ ସମୟ ସୁଦ୍ଧା ପ୍ରକଳ୍ପକାର୍ଯ୍ୟ ଶେଷ କରିବାକୁ ସେ ବିଭାଗୀୟ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଛନ୍ତି ।

## କଟକ ଶାନ୍ତି କମିଟି ବୈଠକ

ଚଳିତବର୍ଷର ଦଶହରାକୁ ଶାନ୍ତିଶୃଙ୍ଖଳାର ସହ ସମ୍ପନ୍ନ କରିବା ଲକ୍ଷ୍ୟ ନେଇ କଟକ ମହାନଗର ଶାନ୍ତି କମିଟିର ଏକ ବୈଠକ ଅନୁଷ୍ଠିତ ହୋଇଯାଇଛି । ଦଶହରାକୁ ପଲିଥିନ, ଡିଜେ ଏବଂ ନିଶାମୁକ୍ତ ଭାବେ ପାଳନ କରିବା ପାଇଁ ନିଷ୍ପତ୍ତି ନିଆଯାଇଛି । ଆନୁଷଙ୍ଗିକ ପଦକ୍ଷେପ ଗୁଡ଼ିକ ଉପରେ ବୈଠକରେ

ବିସ୍ତୃତ ଆଲୋଚନା ହୋଇଛି । ମୂର୍ତ୍ତି ବିସର୍ଜନ ନିମନ୍ତେ ଚିହ୍ନଟ ହୋଇଥିବା ସ୍ଥାନରେ କୃତ୍ରିମ ପୋଖରୀ ନିର୍ମାଣ, ରାସ୍ତାଘାଟ ମରାମତି, ପରିଷ୍କାର ପରିଚ୍ଛନ୍ନତା, ବିଦ୍ୟୁତ୍ ସଂଯୋଗ ଏବଂ ଜୋର୍ ଜବରଦସ୍ତ ଚାନ୍ଦା ଆଦାୟ ଉପରେ କଟକଣା ଲାଗୁ ନେଇ ବୈଠକରେ ମତ ବିନିମୟ ହୋଇଛି ।

# କୋରାପୁଟ ଜିଲ୍ଲା ଅପରାଧମୁକ୍ତ

କୋରାପୁଟ ଜିଲ୍ଲାକୁ ଅପରାଧମୁକ୍ତ କରିବା ନେଇ ପୁଲିସ ପକ୍ଷରୁ କେତେକ ସ୍ୱତନ୍ତ୍ର ପଦକ୍ଷେପ ଗ୍ରହଣ କରାଯାଇଛି । ଜୟପୁରଠାରେ ଗଣମାଧ୍ୟମକୁ ସୂଚନା ଦେଇ କୋରାପୁଟ ଆରକ୍ଷୀ ଅଧୀକ୍ଷକ  ରୋହିତ ବର୍ମା କହିଛନ୍ତି କଏଦୀ ଏବଂ ଜେଲ୍ ଫେରନ୍ତା ଅପରାଧୀଙ୍କ ଗତିବିଧି ଉପରେ ପୁଲିସ ତୀକ୍ଷ୍ଣ ନଜର ରଖିଛି । ପ୍ରତ୍ୟେକ ରବିବାର ଦିନ ପୁଲିସ ଅଧିକାରୀ ଜେଲ୍‌ରେ କଏଦୀଙ୍କୁ ସାକ୍ଷାତ୍ କରି ସ୍ଥିତି ନେଇ ଆଲୋଚନା କରୁଛନ୍ତି ବୋଲି ଶ୍ରୀ ବର୍ମା କହିଛନ୍ତି ।

# ପାଣିପାଗ

ଉପରମୁଣ୍ଡରେ ଲଘୁଚାପଜନିତ ପ୍ରବଳ ବର୍ଷା ଯୋଗୁଁ ରାଜ୍ୟର ବିଭିନ୍ନ ନଦୀରେ ଜଳସ୍ତର ବୃଦ୍ଧିପାଉଛି । ଉତ୍ତରପଶ୍ଚିମ ବଙ୍ଗୋପସାଗର ଓ ଓଡ଼ିଶା ପଶ୍ଚିମବଙ୍ଗ ଉପକୂଳ ମଧ୍ୟରେ ଏକ ଲଘୁଚାପ କ୍ଷେତ୍ର ସୃଷ୍ଟି ହେବା ନେଇ ଆକଳନ କରାଯାଇଛି । ଏହାର ପ୍ରଭାବରେ ରାଜ୍ୟର ବିଭିନ୍ନ ଅଞ୍ଚଳରେ ତୁହାକୁ ତୁହା ବର୍ଷା ଲାଗି ରହିଛି । ବିଜୁଳି ଘଡ଼ଘଡ଼ି ସହ ବର୍ଷା ହେବା ନେଇ କେତେକ ଜିଲ୍ଲାକୁ ଭୁବନେଶ୍ୱରସ୍ଥିତ ଆଞ୍ଚଳିକ ପାଣିପାଗ କେନ୍ଦ୍ର ପକ୍ଷରୁ ସତର୍କ ସୂଚନା ଜାରି କରାଯାଇଛି ।

ହୀରାକୁଦ ଜଳଭଣ୍ଡାରରେ ଜଳସ୍ତର ବୃଦ୍ଧିକୁ ଦୃଷ୍ଟିରେ ରଖି ୧୨ଟି ସ୍ଲୁଇସ୍‌ଗେଟ୍ ମାଧ୍ୟମରେ ମହାନଦୀକୁ ଜଳ ନିଷ୍କାସନ କରାଯାଉଛି ।

## ବନ୍ୟା

ଭଦ୍ରକ ଜିଲ୍ଲା ଆଖୁଆପଦାଠାରେ ବୈତରଣୀ ନଦୀର ଜଳସ୍ତର ବିପଦ ସଙ୍କେତ ଉପରେ ପ୍ରବାହିତ ହେଉଛି । ସକାଳ ୬ଟା ସୁଦ୍ଧା ସେଠାରେ ଜଳସ୍ତର ୧୮ ଦଶମିକ ୮/୬ ମିଟର ରହିଥିଲା । ଭଣ୍ଡାରୀପୋଖରୀ ଏବଂ ଧାମନଗର ବ୍ଲକର ୨୫ରୁ ଊର୍ଦ୍ଧ୍ୱ ପଞ୍ଚାୟତରେ ତଳିଆ ଅଞ୍ଚଳ ଜଳମଗ୍ନ ହୋଇଛି । ହସନାବାଦ ଏବଂ ଅର୍ଜୁନପୁର ପଞ୍ଚାୟତର ସମସ୍ତ ବିଦ୍ୟାଳୟକୁ ଆଜି ଏବଂ ଆସନ୍ତାକାଲି ଦୁଇଦିନ ପାଇଁ ଛୁଟି ଘୋଷଣା କରାଯାଇଛି ।